ଗ୍ରାମୀଣ କୃଷି ମୌସୁମୀ ସେବା

ଭାରତୀୟ ପାଣିପାଗ ବିଭାଗ

ଓଡ଼ିଶା କୃଷି ଏବଂ ପ୍ରଯୁକ୍ତିବିଦ୍ୟା ବିଶ୍ଵବିଦ୍ୟାଳୟ

ଭୁବନେଶ୍ଵର, ଓଡିଆ

# କୃଷି ଉପଦେଶ ପ୍ରସାରିତ ସମାଚାର

ତାରିଖ : 22-08-2025

ଗଜପତି(ଓଡିଶା) - :2025-08-22 ( ଆସନ୍ତା ପାଞ୍ଚଦିନର ୦୮.୩୦ ଭାରତୀୟ ମାନକ ସମୟ ପର୍ଯ୍ୟନ୍ତ)

| ପାଣିପାଗ କାରକ | 2025-08-23 | 2025-08-24 | 2025-08-25 | 2025-08-26 | 2025-08-27 |
|---|---|---|---|---|---|
| ବର୍ଷା (ମିମି) | 7.0 | 5.0 | 5.0 | 5.0 | 5.0 |
| ସର୍ବାଧିକ ତାପମାତ୍ରା (°ସେଲସିୟସ) | 30.0 | 31.0 | 32.0 | 32.0 | 33.0 |
| ସର୍ବନିମ୍ନ ତାପମାତ୍ରା (°ସେଲସିୟସ) | 25.0 | 26.0 | 26.0 | 26.0 | 27.0 |
| ଆପେକ୍ଷିକ ଆର୍ଦ୍ରତା I (ପ୍ରତିଶତ) | 94 | 93 | 93 | 93 | 93 |
| ଆପେକ୍ଷିକ ଆର୍ଦ୍ରତା II (ପ୍ରତିଶତ) | 73 | 69 | 67 | 73 | 79 |
| ପବନର ବେଗ (କିମି ପ୍ରତି ଘଣ୍ଟା) | 3 | 5 | 7 | 7 | 6 |
| ପବନର ଦିଗ (ଡିଗ୍ରୀ) | 249 | 247 | 255 | 258 | 253 |
| ମେଘାଚ୍ଛନ (ଅକ୍ଟା) | 5 | 5 | 4 | 4 | 5 |
| ସତର୍କବାଣୀ | ଭାରି ବର୍ଷା; ବଜ୍ରପାତ ଏବଂ ବଜ୍ରପାତ, ସ୍କ୍ୱାଲ୍ ଇତ୍ୟାଦି \|; ଶକ୍ତିଶାଳୀ ସତହୀୟ ପବନ | ବଜ୍ରପାତ ଏବଂ ବଜ୍ରପାତ, ସ୍କ୍ୱାଲ୍ ଇତ୍ୟାଦି \|; ଶକ୍ତିଶାଳୀ ସତହୀୟ ପବନ | ବଜ୍ରପାତ ଏବଂ ବଜ୍ରପାତ, ସ୍କ୍ୱାଲ୍ ଇତ୍ୟାଦି \|; ଶକ୍ତିଶାଳୀ ସତହୀୟ ପବନ | ବଜ୍ରପାତ ଏବଂ ବଜ୍ରପାତ, ସ୍କ୍ୱାଲ୍ ଇତ୍ୟାଦି \|; ଶକ୍ତିଶାଳୀ ସତହୀୟ ପବନ | ବଜ୍ରପାତ ଏବଂ ବଜ୍ରପାତ, ସ୍କ୍ୱାଲ୍ ଇତ୍ୟାଦି \|; ଶକ୍ତିଶାଳୀ ସତହୀୟ ପବନ |

## ପୂର୍ବାନୁମାନ ସାରାଂଶ:

ଭାରତ ପାଣିପାଗ ବିଭାଗରୁ ମିଳିଥିବା ପାଣିପାଗ ପୂର୍ବାନୁମାନ ଅନୁଯାୟୀ, ଜିଲ୍ଲାରେ ମଙ୍ଗଳବାର ଦିନ ପର୍ଯ୍ୟନ୍ତ ହାଲୁକା ବର୍ଷା ହେବା ସହିତ ଆକାଶ ଆଂଶିକ ରୁ ସାଧାରଣତଃ ମେଘୁଆ ରହିବାର ସମ୍ଭାବନା ରହିଛି । ଆସନ୍ତା ପାଞ୍ଚଦିନ ପର୍ଯ୍ୟନ୍ତ ପବନର ବେଗ ୦୩.୦ ରୁ ୦୬.୦ କିଲୋମିଟର ପ୍ରତିଘଣ୍ଟା ମଧ୍ୟରେ ରହିବାର ସମ୍ଭାବନା ରହିଛି । ଦୈନିକ ସର୍ବାଧିକ ଏବଂ ସର୍ବନିମ୍ନ ତାପମାତ୍ରା ଯଥାକ୍ରମେ ୩୦.୦° ସେଲସିୟସ ରୁ ୩୩.୦° ସେଲସିୟସ ଏବଂ ୨୫.୦° ସେଲସିୟସ ରୁ ୨୭.୦° ସେଲସିୟସ ମଧ୍ୟରେ ରହିବାର ସମ୍ଭାବନା ରହିଛି । ସକାଳେ ଏବଂ ଅପରାହ୍ନରେ ଆପେକ୍ଷିକ ଆର୍ଦ୍ରତା ଯଥାକ୍ରମେ ୯୩ ରୁ ୯୪ ଶତକଡା ଏବଂ ୬୭ ରୁ ୭୯ ଶତକଡା ମଧ୍ୟରେ ରହିପାରେ ।

## ଆବହାଵିକ ସତର୍କତା (ପରବର୍ତ୍ତୀ ଦିନ 08:30 IST ଯାଁଚାଯିବାକୁ):

ହଳଦିଆ ଚେତାବନୀ (ସତର୍କ ରୁହନ୍ତୁ): - ପ୍ରବଳ ବର୍ଷା ଏବଂ ବିଜୁଳି ଓ ଘଡଘଡି ସହିତ ଝଟକା ପବନ ବହିବାର ସମ୍ଭାବନା ରହିଛି ।

## ଆବହାବିକ ସତର୍କତାର କୃଷି ଉପରେ ସମ୍ଭାବ୍ୟ ପ୍ରଭାବ ଓ ସଂଶ୍ଲିଷ୍ଟ ଏଗ୍ରୋମେଟ ପରାମର୍ଶ:

□ ପନିପରିବା ଫସଲ ନଷ୍ଟ ହେବ ଓ ପରିପକ୍ୱ ଅମଳ ନଷ୍ଟ ହେବ ଓ ସଢିବା □ ପନିପରିବା ତଳି ଘେରା ନଷ୍ଟ ହେବ □ ଫଳ ଜାତୀୟ ଗଛ ନଷ୍ଟ ହେବା, ଫଳ ଝଡିବା □ ବିଲ ଓ ଫସଲରେ ପାଣି ଜମିବା

## ସାଧାରଣ ଉପଦେଶ:

ଗଜପତି ଜିଲ୍ଲାରେ ଗତସପ୍ତାହରେ ହାରାହାରି ସର୍ବାଧିକ ଦୈନିକ ତାପମାତ୍ରା ୩୧.୭° ସେଲସିୟସ ଏବଂ ହାରାହାରି ସର୍ବନିମ୍ନ ଦୈନିକ ତାପମାତ୍ରା ୨୪.୯° ସେଲସିୟସ ଥିଲା । ଗତସପ୍ତାହରେ ଜିଲ୍ଲାରେ ୧୦୦.୪ ମିଲିମିଟର ବର୍ଷା ହୋଇଅଛି । ପାଣିପାଗର ପୂର୍ବାନୁମାନ ଅନୁସାରେ, ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ଜିଲ୍ଲାରେ ସ୍ୱଳ୍ପରୁ ମଧମ ଧରଣର ବର୍ଷା ହେବାର ସମ୍ଭାବନା ରହିଅଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ବର୍ଷାର ସମ୍ଭାବନା ଥିବାରୁ ଫସଲରେ ସାର ଓ କୀଟନାଶକ ପ୍ରୟୋଗ ସାମୂହିକ ପାଇଁ ସ୍ଥଗିତ ରଖନ୍ତୁ । ଶସ୍ୟଜାତୀୟଫସଲ, ମକା, ଚିନାବାଦାମ ଏବଂ ପନିପରିବା ଆଦି ଚାଷ ହେଇଥିବା ଜମିରୁ ବଳକା ପାଣି ନିଷ୍କାସନର ବ୍ୟବସ୍ଥା କରନ୍ତୁ । ବୁଣାଧାନରେ ଘାସମରା ଔଷଧ ପ୍ରୟୋଗ ନକରିଥିଲେ ଧାନ ବୁଣିବାର୨୫ -୩୦ଦିନ ପରେ ବେଉଷଣ କରିଦିଅନ୍ତୁ । ବର୍ଷା ଯୋଗୁଁ ଫସଲରେ ପତ୍ର ପୋଡା, ଝାଉଂଳା ଓ ମୂଳ ସଢା ଦେଖା ଦେବାର ସମ୍ଭାବନା ଅଛି । ତେଣୁ ବର୍ଷା ଛାଡି ଗଲା ପରେ ପ୍ରତି ୧ ଲିଟର ପାଣିରେ ୨ ଗ୍ରାମ Metalaxyl + Mancozeb କିମ୍ବା ୨ ଗ୍ରାମ Carbendazim+ Mancozeb ଓ ୧ ଗ୍ରାମ Plantomycin କୁ ମିଶାଇ ଫସଲ ମୂଳକୁ ସିଂଚନ କରନ୍ତୁ । ମକା, ଚିନାବାଦାମ ଓ ଶସ୍ୟଜାତୀୟ ଫସଲରେ ଶୋଷକ କୀଟ ଯଥା ଜଉ, ଉକୁଣିଆ, ପତ୍ରଡିଆଁ, ଦହିଆ ଓ ଧଳାମାଛି ଭଳି ପୋକର ନିରୀକ୍ଷଣ ଓ ନିୟନ୍ତ୍ରଣ ପାଇଁ ଏକରପିଛା ୮ଟି ଅଠା ଲାଗିଥିବା ହଳଦିଆ ଯନ୍ତାକୁ ଜମିରେ ଲଗାନ୍ତୁ । ପାଣିପାଗର ପୂର୍ବାନୁମାନ ଅନୁସାରେ, ଆଗାମୀ ଚାରିଦିନ ପର୍ଯ୍ୟନ୍ତ ବଜ୍ରପାତ ସହିତ ଅଧିକ ବେଗରେ ପବନ ବୋହିବାର ସମ୍ଭାବନା ରହିଛି । ତେଣୁ, ଚାଷୀଭାଇମାନଙ୍କୁ ବଜ୍ରଧ୍ୱନି ଶୁଣିବାପରେ, ସମସ୍ତ କାର୍ଯ୍ୟ ବନ୍ଦ କରି ସୁରକ୍ଷିତ ସ୍ଥାନକୁ ଯିବାକୁ ଓ ଉଚ୍ଚଗଛ, ବିଦ୍ୟୁତ୍ ଖୁଣ୍ଟି କିମ୍ବା ଅସ୍ଥାୟୀ ଛପର ତଳେ ଶରଣ ନନେବାକୁ ପରାମର୍ଶ ଦିଆଯାଉଅଛି । ଯଦି କୌଣସି ସୁରକ୍ଷିତ ସ୍ଥଳ ଉପଲବ୍ଧନଥାଏ, ତେବେ ଖୋଲାଜାଗାରେ ତଳକୁ ବସି ଦୁଇଟି ପାଦକୁ ଏକସାଥିରେ ରଖନ୍ତୁ, ଯେପରିକି ଶରୀରର ସବୁଠାରୁ କମ ଅଂଶ ମାଟି ସହିତ ଲାଗି ରହିବ।

## ମୋବାଇଲ ରେ ପଠାଯାଉଥିବା ସଂକ୍ଷିପ୍ତ ଉପଦେଶ:

ଆସନ୍ତା ପାଞ୍ଚଦିନର ପାଣିପାଗ ପୂର୍ବାନୁମାନ ଆଧାରରେ ଚାଷୀଭାଇମାନେ ଆଗାମୀ ପାଞ୍ଚଦିନ ପର୍ଯ୍ୟନ୍ତ କୋଡ଼ାଖୋସା, ସାର ପ୍ରୟୋଗ ଓ କୀଟନାଶକର ପ୍ରୟୋଗ ସ୍ଥଗିତ ରଖନ୍ତୁ ।

## ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଧାନ | ଧାନ ଫସଲରେ ମହିଷା ରୋଗ ର ପରିଚାଳନା ପାଇଁ ଶୃଙ୍ଖଳା ପାଗ ଦେଖି ଏକର ପ୍ରତି ୪୦୦- ମିଲି Hexaconazole ନାମକ ଫିମ୍ପିନାଶକ କିମ୍ବା ୨୦୦- ମିଲି Azoxystrobin ଓ Difenoconazole ର ମିଳିତ ଫିମ୍ପିନାଶକ କିମ୍ବା ୮୦- ଗ୍ରାମ Tebuconazole ଓ Trifloxystrobinର ମିଳିତ ଫିମ୍ପିନାଶକ ୨୦୦- ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ବର୍ଷା ଛାଡିବା ପରେ ଧାନ ରେ ଲେଡା ପୋକ ଲାଗିବାର ସମ୍ଭାବନା ଅଛି । ଏହାର ନିୟନ୍ତ୍ରଣ କରିବା ପାଇଁଶୃଙ୍ଖଳା ପାଗ ଦେଖି ସନ୍ଧ୍ୟା ସମୟରେ ପ୍ରତିଲିଟର ପାଣିରେ ୧.୫-ମି.ଲି ହିସାବରେ Lambda-cyhalothrin କିମ୍ବା ୨ ମିଲି ହିସାବରେ (Chlorpyriphos + Cypermethrin) ସିଂଚନ କରନ୍ତୁ । ପୋକଗୁଡିକ ରାତ୍ରିଚର ହୋଇଥିବାରୁ କୀଟନାଶକକୁ ଉପରବେଳା କିମ୍ବା ସନ୍ଧ୍ୟାସମୟରେ ସିଂଚନ କରନ୍ତୁ। |
| ମସୁର / ହରଡ଼ | ବର୍ତମାନ ସମୟରେ ହରଡ ଫସଲରେ ପତ୍ର ମୋଡା ଓ ପତ୍ର ଛନ୍ଦା ପୋକ ଲାଗିବାର ସମ୍ଭାବନା ଅଛି ।ଏହି ପୋକର ପରିଚାଳନା ପାଇଁ ବର୍ଷା ଛାଡ଼ିଗଲା ପରେ ଏକର ପ୍ରତି ୪୦୦ ମିଲି Chlorpyriphos ଓ Cypermethrin ର ମିଳିତ କୀଟନାଶକ ଯାହାକି PremainSuper ବା Super 505 ନାମରେ ମିଳୁଛି କିମ୍ବା ୪୦୦ ମିଲି Profenophos ନାମକ କୀଟନାଶକ ଯାହାକି Prahar ବା Profigan ନାମରେ ମିଳୁଛି ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ମକା | ବର୍ତମାନ ସମୟରେ ମକା ଫସଲ ରେ ପତ୍ର ପୋଡା ରୋଗ ହେବାର ସମ୍ଭାବନା ଅଛି ।ବର୍ଷା ଛାଡ଼ିଗଲା ପରେ ଏହାରପରିଚାଳନା ପାଇଁ ଏକର ପ୍ରତି ୪୦୦-ଗ୍ରାମ ମାଙ୍କୋଜେବ (Mancozeb) ନାମକ ଫିମ୍ପିନାଶକ କିମ୍ବା ୪୦୦-ଗ୍ରାମ ଜିନେବ (Zineb) ନାମକ |

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| | ଫିମ୍ପିନାଶକ କିମ୍ବା କାରବେନଡାଜିମ (Carbendazim) ଏବଂମାଙ୍କୋଜେବ (Mancozeb) ରମିଳିତଫିମ୍ପିନାଶକ, ୨୦୦-ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |

## ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ಮೆಣಸಿ ನ್ಯಾಠಿ | ବର୍ଷା ପରେ ଲଙ୍କା ଓ ବାଇଗଣ ରେ ଫଳ ପଚା ରୋଗ ଲାଗିବାର ସମ୍ଭାବନା ଅଛି । ଏହି ରୋଗର ପରିଚାଳନା ପାଇଁ ଶୁଖିଲା ପାଗ ଦେଖି carbendazim50% WP@ ୨ ଗ୍ରାମ କିମ୍ବା Copper oxycloride 50% WP@ ୩ ଗ୍ରାମ ୧ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ଲଙ୍କା | ବର୍ଷା ପରେ ଲଙ୍କା ଓ ବାଇଗଣ ରେ ଫଳ ପଚା ରୋଗ ଲାଗିବାର ସମ୍ଭାବନା ଅଛି । ଏହି ରୋଗର ପରିଚାଳନା ପାଇଁ ଶୁଖିଲା ପାଗ ଦେଖି carbendazim50% WP@ ୨ ଗ୍ରାମ କିମ୍ବା Copper oxycloride 50% WP@ ୩ ଗ୍ରାମ ୧ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ବୋଇତି କଖାରୁ | ଶୁଖିଲା ପାଗ ଦେଖି କଖାରୁଜାତୀୟ ପନିପରିବା ଫସଲ ଯଥା କଖାରୁ, କାକୁଡି, କଲରା, ଜହ୍ନି, ପୋଟଳ, ଲାଉ ଇତ୍ୟାଦି ଫସଲରେ ନିମ୍ନମୁଖୀ ପତ୍ରପାଡା ରୋଗର ପରିଚାଳନା ପାଇଁ ପ୍ରତିଲିଟର ପାଣିରେ ୩-ଗ୍ରାମ କପର ହାଇଡ୍ରୋକସାଇଡ (Copper Hydroxide) ନାମକ ଫିମ୍ପିନାଶକ କିମ୍ବା ପ୍ରତି ଲିଟର ପାଣିରେ ୩-ଗ୍ରାମ ଫୋସେଟିଲ-ଆଲ (Fosetyl –AL) ନାମକ ଫିମ୍ପିନାଶକ କିମ୍ବା ପ୍ରତିଲିଟର ପାଣିରେ୨-ଗ୍ରାମ କାରବେଣ୍ଡାଜିମ ଏବଂ ମାଙ୍କୋଜେବ (Carbendazim ଏବଂ Mancozeb) ର ମିଳିତ ଫିମ୍ପିନାଶକ ମିଶାଇ ସିଂଚନ କରନ୍ତୁ । |
| ଅମୃତଭଣ୍ଡା | ପ୍ରାରମ୍ଭିକ ଅବସ୍ଥା ରେଦହିଆ/ ଚୂର୍ଣ ପୃଷ୍ଠ ପୋକ ପରିଚାଳନା ପାଇଁ ପ୍ରତି୧୦-ଲିଟର ପାଣିରେ ୩୦-ମିଲି ନିମ୍ବ ଆଧାରିତ କୀଟନାଶକ ମିଶାଇ ସିଞ୍ଚନକରନ୍ତୁ ।ଏହା ବ୍ୟତୀତ ଗଛ ରେ ସାବୁନ ଗୁଣ୍ଡ ମିଶ୍ରିତ ପାଣି ସିଞ୍ଚନ କରାଯାଇପାରିବ । ପୋକ ର ଆକ୍ରମଣ ଅଧିକ ହେଲେ ରାସାୟନିକ କୀଟନାଶକ ସିଞ୍ଚନ କରନ୍ତୁ। ବର୍ଷା ଛାଡ଼ିଗଲା ପରେ ରାସାୟନିକ ଉପାୟରେଏହିପୋକର ଦମନ ପାଇଁ ପ୍ରତି୧୦-ଲିଟର ପାଣିରେ୨୦-ମିଲି ପ୍ରୋଫେନୋଫସ (Profenophos) ନାମକ କୀଟନାଶକ କିମ୍ବା୩-ଗ୍ରାମ ଥିଆମିଥୋଗଜାମ (Thiamethoxam) ନାମକ କୀଟନାଶକ ମିଶାଇ ସିଞ୍ଚନ କରନ୍ତୁ। |

## ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ପଶୁ ପାଳନ | ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଗାଈ | ଗୁହାଳ ଗୁଡ଼ିକୁ ସଫା ଏବଂ ଶୁଷ୍କ ରଖନ୍ତୁ । ପଶୁମାନଙ୍କୁ ପର୍ଯ୍ୟାପ୍ତ ଖାଦ୍ୟ ଏବଂ ଜଳ ଯୋଗାନ୍ତୁ । ବାର୍ଷିକ ଟୀକା ସାରଣୀକୁ ଅନୁସରଣ କରି ସେମାନଙ୍କୁ ଉପଯୁକ୍ତ ଟୀକାକରଣ କରାନ୍ତୁ। |

## କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| କୁକୁଡ଼ା ପାଳନ | କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| କୁକୁଡ଼ା | କୁକୁଡ଼ା ଘର ମାନଙ୍କରେ ବର୍ଷା ପାଣି ନପଶିବା ପାଇଁ ମରାମତି କରେଇ ଦିଅନ୍ତୁ । ଚିଆଁମାନଙ୍କ ପାଇଁ ବ୍ୟବହୃତ ଚଷୁ ବା ନଡ଼ାକୁ ଓଦା ନକରି ଶୁଖିଲା ରଖନ୍ତୁ । କୁକୁଡ଼ା ଦାନାରେ ଯେମିତି ବର୍ଷା ପାଣି ନପଡେ ସେଥିପାଇଁ ଧ୍ୟାନ ଦେବା ଉଚିତ, ନଚେତ ତାହା ବିଷ୍ଣା ହୋଇ ସେଥିରେ ଫିମ୍ପି ଲାଗିବାର ସମ୍ଭାବନା ଥାଏ । |

## ଆବହାବିକ ସତର୍କତାର ସମ୍ଭାବ୍ୟ ପ୍ରଭାବ (ସାଧାରଣ):

| |
|---|
| □ ପନିପରିବା ଫସଲ ନଷ୍ଟ ହେବ ଓ ପରିପକ୍ୱ ଅମଳ ନଷ୍ଟ ହେବ ଓ ସଢିବା □ ପନିପରିବା ତଳି ଘେରା ନଷ୍ଟ ହେବ □ ଫଳ ଜାତୀୟ ଗଛ ନଷ୍ଟ ହେବା, ଫଳ ଝଡିବା □ ବିଲ ଓ ଫସଲରେ ପାଣି ଜମିବା |

**ପ୍ରଭାବ ଆଧାରିତ ପରାମର୍ଶ (ସାଧାରଣ):**

| |
|---|
| ୧. ପନିପରିବା ଫସଲ ନଷ୍ଟ ହେବ ଓ ପରିପକ୍ୱ ଅମଳ ନଷ୍ଟ ହେବ ଓ ସଢିବା • ପନିପରିବା ର ବୁଢା/ହଳଦିଆ ହୋଇଯାଇଥିବା ତଳ ପତ୍ର ଗୁଡିକୁ ଛିଣ୍ଡାଇ ନଷ୍ଟ କରି ଦିଅନ୍ତୁ । • ପନିପରିବା ଫସଲରେ ଗଛ ମୂଳକୁ ମାଟି ଟେକି ଦିଅନ୍ତୁ । • ଡଙ୍କ ଜାତୀୟ ପନିପରିବା ଯେପରି ଜହ୍ନି, କଲରା ଇତ୍ୟାଦି ଗୁଡିକ ରେ ରଞ୍ଜା ପୋତି ଭଲ ଭାବରେ ଉଠେଇ ଦିଅନ୍ତୁ । • ପନିପରିବା ଫସଲର ତଳିଘରା ଏବଂ ଜମିରେ ଲାଗିଥିବା ଫସଲକୁ ବର୍ଷା ଦାଉରୁ ରକ୍ଷା କରିବା ପାଇଁ ଧଳା ପଲିଥିନ ସାହାଯ୍ୟରେ ଘୋଡାଇ ରଖନ୍ତୁ । • ଝାଉଁଳା ଓ ମୂଳସଢା ରୋଗ ଦେଖାଦେଲେ ତେଣୁ ବର୍ଷା ଛାଡିଗଲା ପରେ ପ୍ରତି ୧୦ ଲିଟର ପାଣିରେ ୨୦ ଗ୍ରାମ ମେଟଲାଗଜିଲ ଓ ମାଙ୍କୋଜେବ ର ମିଳିତ ମିଶ୍ରଣ ଓ ୧.୫ ଗ୍ରାମ ଷ୍ଟ୍ରେପ୍ଟୋସାଇକ୍ଲିନ କୁ ମିଶାଇ ଏହି ଦ୍ରବଣକୁ ଫସଲର ମୂଳକୁ ଭିଜାନ୍ତୁ । ୨. ପନିପରିବା ତଳି ଘେରା ନଷ୍ଟ ହେବ • ପନିପରିବା ଫସଲର ତଳିଘରା ଏବଂ ଜମିରେ ଲାଗିଥିବା ଫସଲକୁ ବର୍ଷା ଦାଉରୁ ରକ୍ଷା କରିବା ପାଇଁ ଧଳା ପଲିଥିନ ସାହାଯ୍ୟରେ ଘୋଡାଇ ରଖନ୍ତୁ । ୩. ଫଳ ଜାତୀୟ ଗଛ ନଷ୍ଟ ହେବା, ଫଳ ଝଡିବା • ନୂଆ ଫଳ ହୋଇଥିବା ଗଛ ଗୁଡିକୁ ଢେରା/ଭରା ଦିଅନ୍ତୁ । • ଯଥାଶୀଘ୍ର ପାଚିଲା ଫଳ ଅମଳ କରନ୍ତୁ ଏବଂ ବଜାରରେ ବିକ୍ରୟ କରନ୍ତୁ । ୪ . ବୁଣା ବୁଣି, ସିଞ୍ଚନ ଓ ଫସଲରେ ପାଣି ମଡାଇବା ସାମୟିକ ଭାବରେ ସ୍ଥଗିତ ରଖନ୍ତୁ । |

**Farmers are advised to download Unified �Mausam� and "Meghdoot" android application on mobile for Weather forecast and weather based Agromet Advisories and "Damini" android application for forecast of Thunderstorm and lightening.**

**Mausam MobileApp link: https://play.google.com/store/apps/details/**

**Meghdoot MobileApp link: https://play.google.com/store/apps/details**

**Damini MobileApp link : https://play.google.com/store/apps/details**